12th March 2023

## Dr. Gayatribala Panda receives
## 'Kendriya Sahitya Akademi Award' 2022

**Newspaper Coverage**

**Sakala**

THE SAKALA

# କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ଗ୍ରହଣ କଲେ ଗାୟତ୍ରୀବାଳା



■ ପୁରସ୍କାର ସ୍ୱରୂପ ତାମ୍ରଫଳକ ଓ ୧ ଲକ୍ଷ ଟଙ୍କାର ଅର୍ଥରାଶି ପ୍ରଦାନ
■ ଯୁବ ଓ ମୁଖ୍ୟ ବର୍ଗରେ ପୁରସ୍କାର ପାଇବାରେ ପ୍ରଥମ ଭାରତୀୟ କବି

**ନୂଆଦିଲ୍ଲୀ,୧୧।୩(ସମିସ):** ବିଶିଷ୍ଟ ଓଡ଼ିଆ କବି ଡ. ଗାୟତ୍ରୀବାଳା ପଣ୍ଡାଙ୍କୁ ମିଳିଛି ୨୦୨୨ ବର୍ଷ ପାଇଁ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର। 'ଦୟାନଦୀ' ପୁସ୍ତକ ପାଇଁ ନୂଆଦିଲ୍ଲୀରେ ଅନୁଷ୍ଠିତ ଏକ ସ୍ୱତନ୍ତ୍ର ଉତ୍ସବରେ କେନ୍ଦ୍ର ସାହିତ୍ୟ ଏକାଡେମୀ ନବନିର୍ବାଚିତ ସଭାପତି ମାଧବ କୌଶିକ ଡ଼. ପଣ୍ଡାଙ୍କୁ ପୁରସ୍କାର ସ୍ୱରୂପ ୧ଲକ୍ଷ ଟଙ୍କାର ଅର୍ଥରାଶି ଓ ତାମ୍ର ଫଳକ ପ୍ରଦାନ କରିଛନ୍ତି। ପୂର୍ବରୁ ଡ଼. ପଣ୍ଡା କେନ୍ଦ୍ର ସାହିତ୍ୟ ଏକାଡେମୀ ଯୁବ ପୁରସ୍କାର ପାଇଥିଲେ। ଏବେ ସେ ତାଙ୍କର କବିତା ପୁସ୍ତକ ପାଇଁ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କାର ପାଇଛନ୍ତି। କେନ୍ଦ୍ର ସାହିତ୍ୟ ଏକାଡ଼େମୀର ଦୁଇଟି ବର୍ଗରେ ପୁରସ୍କାର ପାଇବାରେ ଗାୟତ୍ରୀବାଳା ପ୍ରଥମ ଭାରତୀୟ କବିର ମାନ୍ୟତା ପାଇଛନ୍ତି। ଏହି ଅବସରରେ ମୁଖ୍ୟ ଅତିଥି ତଥା ବିଶିଷ୍ଟ ଇଣ୍ଡୋ-ଇଂରାଜୀ ଲେଖକ ଉପମନ୍ୟୁ ଚାଟାର୍ଜୀ, କେନ୍ଦ୍ର ସାହିତ୍ୟ ଏକାଡେମୀ ସଚିବ କେ. ଶ୍ରୀନିବାସ ରାଓ ଓ ଏକାଡେମୀର ଉପସଭାପତି ବିଶିଷ୍ଟ ସାହିତ୍ୟିକା କୁମୁଦ ଶର୍ମା ମଞ୍ଚରେ ଉପସ୍ଥିତ ଥିଲେ। ଏହି ଅବସରରେ କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ୬ଦିନିଆ ସାହିତ୍ୟ ଉତ୍ସବ 'ଫେଷ୍ଟିଭାଲ୍ ଅଫ୍ ଲେଟର୍' ଉତ୍ସବ ଆରମ୍ଭ ହୋଇଛି। ଗଣମାଧ୍ୟମ ସହ ପୁରସ୍କାର ବିଜେତାଙ୍କ ଆଲୋଚନା କାଳରେ ଡ଼.ପଣ୍ଡା ତାଙ୍କର କବିତା ସଂକଳନ 'ଦୟାନଦୀ' ପୁସ୍ତକ ସମ୍ପର୍କରେ ବିସ୍ତୃତ ଭାବରେ ସୂଚନା ଦେଇଛନ୍ତି। 'ଦୟା ନଦୀ'ର କବିତା ସବୁ ଇତିହାସର କୌଣସି ତାତ୍ତ୍ୱିକ ଆଲୋଚନା ବା କାବ୍ୟରୂପ ନୁହେଁ; ଏହା ଇତିହାସ ନଦୀରେ ନୌଯାତ୍ରାର କାବ୍ୟିକ ସମ୍ବେଦନା। କଳିଙ୍ଗ ଯୁଦ୍ଧର ଏକମାତ୍ର ସାକ୍ଷୀ ହେଉଛି ଦୟାନଦୀ ଏବେ ବି ରହିଛି। ଶାନ୍ତି, ପ୍ରୀତି ଓ ମୈତ୍ରୀର ଜୟଗାନ କରୁଛି ବୋଲି କହିଛନ୍ତି ଗାୟତ୍ରୀବାଳା।

୨୦୧୭ ମସିହାରେ ପକ୍ଷୀଘର ପ୍ରକାଶନ ସଂସ୍ଥା ଦ୍ୱାରା ପ୍ରକାଶିତ 'ଦୟାନଦୀ' କଳିଙ୍ଗ ଯୁଦ୍ଧ ଉପରେ ଆଧାରିତ। ରାଜକମଲ ପ୍ରକାଶନୀ ଦ୍ୱାରା ଏହାର ପ୍ରଥମ ସଂସ୍କରଣ ପ୍ରକାଶ ପାଇଥିଲା ଓ ନିକଟରେ ବିଶ୍ୱ ପୁସ୍ତକ ମେଳାରେ ଏହି କବିତା ସଙ୍କଳନର ଦ୍ୱିତୀୟ ହିନ୍ଦୀ ସଂସ୍କରଣ ପ୍ରକାଶ ପାଇଛି। ଦୀର୍ଘ ତିନି ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ କାଳ କବିତା, ଗପ, ଉପନ୍ୟାସ, ପ୍ରବନ୍ଧ ଓ ଖବରକାଗଜରେ ସ୍ତମ୍ଭ ରଚନା କରି ଯଥେଷ୍ଟ ପାଠକୀୟ ସ୍ୱୀକୃତି ହାସଲ କରିଥିବା କବି ଗାୟତ୍ରୀବାଳା ପଣ୍ଡାଙ୍କର ଅଦ୍ୟାବଧି ୨୮ ଖଣ୍ଡ ପୁସ୍ତକ ପ୍ରକାଶ ପାଇଛି। ସେଥିମଧ୍ୟରୁ ଓଡ଼ିଆ ଭାଷାରେ ବାରଟି କବିତା ସଂକଳନ, ଦୁଇଟି ଗଳ୍ପ ସଂକଳନ, ଦୁଇଟି ଉପନ୍ୟାସ ଏବଂ ଗୋଟିଏ ପ୍ରବନ୍ଧ ସଂକଳନ। ଏହାବ୍ୟତିତ ହିନ୍ଦୀ ଭାଷାରେ ପାଞ୍ଚଟି କବିତା ସଂକଳନ ଓ ଇଂରାଜୀ ଭାଷାରେ ଦୁଇଟି କବିତା ସଂକଳନ, ଗୋଟିଏ ଗଳ୍ପ ସଂକଳନ ପ୍ରକାଶ ପାଇଛି। କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ପାଇବା ପୂର୍ବରୁ ଗାୟତ୍ରୀବାଳା ୨୦୧୧ରେ କବିତା ସଂକଳନ 'ଗାଁ' ପାଇଁ ପ୍ରଥମେ କେନ୍ଦ୍ର ସାହିତ୍ୟ ଏକାଡେମୀ ଯୁବ ପୁରସ୍କାର ପାଇଥିଲେ। ଏହାବ୍ୟତୀତ ସେ ରାଜ୍ୟ ଯୁବ ପୁରସ୍କାର, ରାଜୀବ ଗାନ୍ଧୀ ସଦ୍ଭାବନା ପୁରସ୍କାର, ଉତ୍କଳ ସାହିତ୍ୟ ସମାଜ ଯୁବ ସାହିତ୍ୟିକ ସମ୍ମାନ, ଶାରଳା କାବ୍ୟ ସମ୍ମାନ, କାଦମ୍ବିନୀ କବିତା ସମ୍ମାନ, ଫକୀର ମୋହନ ସାହିତ୍ୟ ସମ୍ମାନ, ବସନ୍ତ ମୁଦୁଲି କବିତା ସମ୍ମାନ, ମଞ୍ଚନ ଯୁବ କବି ସମ୍ମାନ, ଲେଖାଲେଖି ଯୁବ କବି ସମ୍ମାନ, ଟାଇମ୍ ପାସ୍ ସ୍ୱୟଂଶ୍ରୀ ସମ୍ମାନ, ଦୀପକ ମିଶ୍ର କବିତା ସମ୍ମାନ, 'ରାଇଟର୍ସ-ଇନ୍-ରେସିଡେନ୍ସ' ଆଟ୍ ରାଷ୍ଟ୍ରପତି ଭବନ-୨୦୧୫, ରାଜ୍ୟ ଦୁର୍ନୀତି ନିବାରଣ ବିଭାଗ ପକ୍ଷରୁ ଦୁର୍ନୀତି ନିବାରଣ ଉପରେ ରଚିତ ପ୍ରବନ୍ଧ ପାଇଁ ପୁରସ୍କୃତ ହେବା ସହିତ ସତ୍ୟବାଦୀ ସାହିତ୍ୟ ସମ୍ମାନ, ରାଜକନ୍ୟା ରତ୍ନମାଳୀ ଜେମା ସାରସ୍ୱତ ସମ୍ମାନ, ଆର୍ଯ୍ୟା ସମ୍ମାନ, କଳିଙ୍ଗ ବୀରାଙ୍ଗନା ସମ୍ମାନ, ଆଇଆଇଏମ୍‌ସି ଆଲୁମିନି ସମ୍ମାନ, ଟାଇମ୍ସ ପାୱାର ୱିମେନ୍ ସମ୍ମାନ ଓ ଅକ୍ଷୟ ସାହିତ୍ୟ ସମ୍ମାନ ଇତ୍ୟାଦି ବହୁ ପୁରସ୍କାର ଓ ସମ୍ମାନରେ ସମ୍ମାନିତ ହୋଇଛନ୍ତି। ଉତ୍କଳ ବିଶ୍ୱବିଦ୍ୟାଳୟରୁ ସେ ପାଠାଗାର ବିଜ୍ଞାନରେ ସ୍ନାତକୋତ୍ତର ପାଠ୍ୟକ୍ରମରେ ପ୍ରଥମ ସ୍ଥାନ ଅଧିକାର କରି ସ୍ୱର୍ଣ୍ଣପଦକ ହାସଲ କରିଥିଲେ। ସେହିପରି ଢେଙ୍କାନାଳ ଭାରତୀୟ ଜନସଞ୍ଚାର ସଂସ୍ଥାନରୁ ସାମ୍ବାଦିକତା ଓ ଗଣମାଧ୍ୟମରେ ଡିପ୍ଲୋମା ଏବଂ ହିମାଚଳ ପ୍ରଦେଶ ବିଶ୍ୱବିଦ୍ୟାଳୟରୁ ସ୍ନାତକୋତ୍ତର ଡିଗ୍ରୀ ହାସଲ କରିଛନ୍ତି। ସାମ୍ବାଦିକତା ପାଠ୍ୟକ୍ରମରେ ଶ୍ରେଷ୍ଠସ୍ଥାନ ଅଧିକାର କରି ପବ୍ଲିକରିଲେସନ୍ ସୋସାଇଟି ଅଫ୍ ଇଣ୍ଡିଆରୁ ମଧ୍ୟ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି।